# ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡିଶା

(ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡିଶା ସରକାର)

ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ଭୁବନେଶ୍ୱର-୭୫୧୦୧୨


## ପ୍ରଦୂଷଣମୁକ୍ତ ଗଣେଶ ପୂଜା, ଖୁଦୁରୁକୁଣୀ ପୂଜା, ବିଶ୍ୱକର୍ମା ପୂଜା, ଦୁର୍ଗାପୂଜା, ଗଜଲକ୍ଷ୍ମୀ ପୂଜା, କାଳୀପୂଜା ତଥା ସରସ୍ୱତୀ ପୂଜା ପାଳନ ନିମନ୍ତେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ର ନିବେଦନ

**ପୂଜା କମିଟି କର୍ମକର୍ତ୍ତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ନିବେଦନ**

ସଂଖ୍ୟା VISC(LEM)Proj-64/24-25/15152 ତା 11.8.2025

- ମୂର୍ତ୍ତୀ ନିର୍ମାଣରେ ପୋଡା ମାଟି ତଥା Plaster of Paris ପରିବର୍ତ୍ତେ ପ୍ରାକୃତିକ ମୃତ୍ତିକା ବ୍ୟବହାର କରନ୍ତୁ ।
- ମୂର୍ତ୍ତୀରେ ବିଷାକ୍ତ ରାସାୟନିକ ରଙ୍ଗ ବଦଳରେ ପ୍ରାକୃତିକ ରଙ୍ଗ ବ୍ୟବହାର କରନ୍ତୁ ।
- ମୂର୍ତ୍ତୀ ର ଉଚ୍ଚତାକୁ ୨୦ ଫୁଟ ଏବଂ ମଣ୍ଡପ ଉଚ୍ଚତାକୁ ୪୦ ଫୁଟ ମଧ୍ୟରେ ସୀମିତ ରଖନ୍ତୁ ।
- ପୂଜା ପରେ ମୂର୍ତ୍ତୀକୁ ଜିଲ୍ଲା ପ୍ରଶାସନ ତଥା ପୌର କର୍ତ୍ତୃପକ୍ଷଙ୍କ ଦ୍ୱାରା ଚିହ୍ନିତ ଅସ୍ଥାୟୀ ପୋଖରୀରେ ବିସର୍ଜନ କରନ୍ତୁ ।
- ବିସର୍ଜନ ପୂର୍ବରୁ ମୂର୍ତ୍ତୀ ଓ ମେଢରୁ ଫୁଲ ତଥା ଅନ୍ୟ ସାଜସଜ୍ଜା ପଦାର୍ଥକୁ ମୂର୍ତ୍ତୀରୁ କାଢି ପୌର କର୍ତ୍ତୃପକ୍ଷଙ୍କ ଦ୍ୱାରା ଚିହ୍ନିତ ନିର୍ଦ୍ଦିଷ୍ଟ ସ୍ଥାନରେ ପକାନ୍ତୁ । ଏହାକୁ ବିସର୍ଜନ ସ୍ଥଳରେ ପୋତନ୍ତୁ ନାହିଁ ।
- ସାଜସଜ୍ଜା ତଥା ପ୍ରସାଦ ବିତରଣ ନିମନ୍ତେ ଏକକ ବ୍ୟବହାର ପ୍ଲାଷ୍ଟିକ କିମ୍ବା ଥର୍ମୋକଲରେ ତିଆରି ଜିନିଷର ବ୍ୟବହାର କରନ୍ତୁ ନାହିଁ ।

**ଜିଲ୍ଲା ପ୍ରଶାସନ ତଥା ପୌରାଞ୍ଚଳ କର୍ତ୍ତୃପକ୍ଷ ଙ୍କ ନିମନ୍ତେ ଉଦ୍ଦିଷ୍ଟ ନିବେଦନ**

- ଜନ ସାଧାରଣଙ୍କୁ ମୂର୍ତ୍ତୀ ବିସର୍ଜନ ଜନିତ ଜଳ ପ୍ରଦୂଷଣ ସମ୍ବନ୍ଧରେ ସଚେତନ କରନ୍ତୁ ।
- ଜନ ସାଧାରଣଙ୍କୁ ମୃତ୍ତିକା ନିର୍ମିତ ଓ ପ୍ରାକୃତିକ ରଙ୍ଗ ବ୍ୟବହୃତ ମୂର୍ତ୍ତୀ କିଣିବାକୁ ସଚେତନ କରନ୍ତୁ ।
- ସଂପୃକ୍ତ ସହରରେ ଅନୁଷ୍ଠିତ ପୂଜାର ସଂଖ୍ୟା ଅନୁପାତରେ ଆବଶ୍ୟକ ଅସ୍ଥାୟୀ ପୋଖରୀ ଖୋଳାଯାଇ ସେଠାରେ ବିସର୍ଜନ ନିମନ୍ତେ ପୂଜା କମିଟିକୁ ଅବଗତ କରାନ୍ତୁ ।
- ନଦୀ ତଟବର୍ତ୍ତୀ ଅଞ୍ଚଳରେ ମୂର୍ତ୍ତୀ ବିସର୍ଜନ ନିମନ୍ତେ ମାଟିବନ୍ଧ ଓ synthetic liner ଥାଇ ଅସ୍ଥାୟୀ ପୋଖରୀ ନିର୍ମାଣ କରାଯାଇ ସମସ୍ତ ପୂଜା କମିଟି ମାନଙ୍କୁ ଏହି ପୋଖରୀରେ ମୂର୍ତ୍ତୀ ବିସର୍ଜନ କରିବା ନିମନ୍ତେ ଅନୁରୋଧ କରନ୍ତୁ ।
- ମୂର୍ତ୍ତୀ ବିସର୍ଜନ ହେବାର ୨୪ ଘଣ୍ଟା ମଧ୍ୟରେ ଅସ୍ଥାୟୀ ପୋଖରୀ ମଧ୍ୟରୁ ବିସର୍ଜିତ ସାମଗ୍ରୀକୁ ବାହାର କରି ନିର୍ଦ୍ଦିଷ୍ଟ Municipal dumpsite କୁ ସ୍ଥାନାନ୍ତର କରିବା ସଙ୍ଗେ ସଙ୍ଗେ ଅସ୍ଥାୟୀ ପୋଖରୀ ଜଳକୁ ଚୂନ ପକାଇ ବିଶୋଧନ ପରେ ନଦୀ ବା ନାଳକୁ ନିଷ୍କାସିତ କରାଯାଇପାରେ ।

**ଜନସାଧାରଣଙ୍କ ନିମନ୍ତେ ଉଦ୍ଦିଷ୍ଟ ନିବେଦନ**

- ପୂଜା ନିମନ୍ତେ କେବଳ ମୃତ୍ତିକା ନିର୍ମିତ ଓ ପ୍ରାକୃତିକ ରଙ୍ଗ ବ୍ୟବହୃତ ମୂର୍ତ୍ତୀ କିଣନ୍ତୁ । ସାଜସଜ୍ଜା ନିମନ୍ତେ ଏକକ ବ୍ୟବହାର ପ୍ଲାଷ୍ଟିକ କିମ୍ବା ଥର୍ମୋକଲରେ ତିଆରି ଜିନିଷର ବ୍ୟବହାର କରନ୍ତୁ ନାହିଁ ।
- ପୂଜା ପରେ ମୂର୍ତ୍ତୀ ଏବଂ ଅନ୍ୟାନ୍ୟ ପୂଜା ସାମଗ୍ରୀ କୁ ନିଜ ଘରେ ବିସର୍ଜନ କରନ୍ତୁ କିମ୍ବା ଜିଲ୍ଲା ପ୍ରଶାସନ ତଥା ପୌର କର୍ତ୍ତୃପକ୍ଷଙ୍କ ଦ୍ୱାରା ଚିହ୍ନିତ ଅସ୍ଥାୟୀ ପୋଖରୀରେ କିମ୍ବା ଚିହ୍ନିତ କୃତ୍ରିମ ଭ୍ରାମ୍ୟମାଣ କୁଣ୍ଡରେ ବିସର୍ଜନ କରନ୍ତୁ ।
- ବ୍ୟବହୃତ ପୂଜା ସାମଗ୍ରୀକୁ ଜରିରେ ବାନ୍ଧି କୌଣସି ନଦୀ କିମ୍ବା ପୋଖରୀ ରେ ପୋଖରୀ ରେ ନ ଫୋପାଡି ଚିହ୍ନଟ ବିସର୍ଜନ ସ୍ଥଳୀରେ ପକାନ୍ତୁ ।

**ଆଇନ୍ ଓ ଦଣ୍ଡ ବ୍ୟବସ୍ଥା**

**Odisha Prevention and Control of Water Pollution (Procedure for Immersion of Idol after Pujas) Rules, 2021** ଅନୁଯାୟୀ, ମୂର୍ତ୍ତୀ କାରୀଗର ମାନେ ରୁଲ୍ ୩ ର ଅବମାନନା କଲେ, ସଂପୃକ୍ତ ପୌର କର୍ତ୍ତୃପକ୍ଷ ଙ୍କ ଦ୍ୱାରା ସେମାନେ ଦୁଇ ବର୍ଷ ପାଇଁ ମୂର୍ତ୍ତୀ ତିଆରି ରୁ ବାସନ୍ଦ ହେବେ । ଏହା ବ୍ୟତୀତ ମୂର୍ତ୍ତୀ ନିର୍ମାତା ମାନଙ୍କର ରେଜିଷ୍ଟ୍ରେସନ ଫି ମଧ୍ୟ ଜବତ କରାଯିବ ।

ପୂଜା କମିଟି କର୍ମକର୍ତ୍ତା ମାନଙ୍କ ଦ୍ୱାରା ରୁଲ୍ ୫ ଏବଂ ୬ ର ଅବମାନନା ହେଲେ, ସଂପୃକ୍ତ ପୌର କର୍ତ୍ତୃପକ୍ଷ ଙ୍କ ଦ୍ୱାରା ନିମ୍ନଲିଖିତ ଜୋରିମାନା ଆଦାୟ କରାଯିବ ।

- ପଞ୍ଚାୟତ ସୀମା ମଧ୍ୟରେ ଥିଲେ ୩୦୦୦ ଟଙ୍କା ;
- ମ୍ୟୁନିସିପାଲିଟି କିମ୍ବା NAC ସୀମା ମଧ୍ୟରେ ଥିଲେ ୫୦୦୦ ଟଙ୍କା ;
- ମ୍ୟୁନିସିପାଲିଟି କର୍ପୋରେସନ ସୀମା ମଧ୍ୟରେ ଥିଲେ ୭୦୦୦ ଟଙ୍କା ।

**ଆସନ୍ତୁ ମିଳିମିଶି ପ୍ରଦୂଷଣମୁକ୍ତ ପୂଜା ପାଳନ ନିମନ୍ତେ ଯତ୍ନବାନ ହେବା ।**

- ବି.ଦ୍ର. : ଏ ସମ୍ବନ୍ଧୀୟ ବିଶଦ ବିବରଣୀ **"The Odisha Prevention and Control of Water Pollution (Procedure for Immersion of Idol after Pujas) Rules, 2021** ରେ ମିଳିପାରିବ ।

( Weblink : http://ospcboard.org/wp-content/uploads/2022 /02/1741-F-E-Idol-Immersion-Rule-by-Odisha.pdf )

ସଦସ୍ୟ ସଚିବ

OSPCB-CL-MISC-0049-2023/21/2025